

# ବାଲ୍ ସାହିତ୍ୟ ଓ ଯୁବ ପୁରସ୍କାର ଘୋଷଣା

# ସୁବ୍ରତ ଓ ରାଜକିଶୋରଙ୍କୁ ସାହିତ୍ୟ ଏକାଡେମୀ ସମ୍ମାନ

**ଭୁବନେଶ୍ୱର,୧୮/୬(ହି.ପ୍ର):** କେନ୍ଦ୍ର ସାହିତ୍ୟ ଏକାଡେମୀ ବାଲ୍ ସାହିତ୍ୟ ଓ ଯୁବ ପୁରସ୍କାର ଘୋଷଣା ହୋଇଛି । ସୁବ୍ରତ ସେନାପତି ଏବଂ ରାଜକିଶୋର ପାଢୀଙ୍କୁ କେନ୍ଦ୍ର ସାହିତ୍ୟ ଏକାଡେମୀ ସମ୍ମାନରେ ସମ୍ମାନିତ କରାଯିବ । କଦମ୍ବ ବନ ପାଇଁ ଯୁବ ଲେଖକ ସୁବ୍ରତ କୁମାର ସେନାପତି ଏବଂ କେତେ ଫୁଲ ଫୁଟିଛି ବହି ପାଇଁ ଶିଶୁ ସାହିତ୍ୟିକ ରାଜକିଶୋର ପାଢ଼ୀ ପାଇବେ ୨୦୨୫ କେନ୍ଦ୍ର ସାହିତ୍ୟ ଏକାଡେମୀ ଯୁବ ଓ ବାଲ ପୁରସ୍କାର ଓ କେନ୍ଦ୍ର ସାହିତ୍ୟ ଏକାଡେମୀ ପକ୍ଷରୁ କାର୍ଯ୍ୟନିର୍ବାହୀ ବୈଠକ ନିଷ୍ପତ୍ତି କ୍ରମେ ୨୦୨୫ ବର୍ଷ ପାଇଁ ଏକାଡେମୀ ଯୁବ ଏବଂ ବାଲ ପୁରସ୍କାର ଘୋଷଣା ହୋଇଛି । ପୁରସ୍କାର ଘୋଷଣା ପରେ ଉଭୟଙ୍କୁ ବିଭିନ୍ନ ମହଲରୁ ଅଭିନନ୍ଦନ ଓ ଶୁଭେଚ୍ଛାର ସୁଅ ଛୁଟିବାରେ ଲାଗିଛି । ଉଭୟ ପୁରସ୍କାର ବାବଦକୁ ୫୦ ହଜାର ଟଙ୍କା, ଉପଢୌକନ ଓ ସ୍ମାରକୀ ପ୍ରଦାନ କରାଯାଇଥାଏ ।(ପୃଷ୍ଠା-୮ ଦେଖନ୍ତୁ)





## ସୁବ୍ରତ ଓ ରାଜକିଶୋରଙ୍କୁ...

ଚଳିତ ବର୍ଷ ଯୁବ ପୁରସ୍କାର ବୃତ୍ତାନ୍ତ ବିଚାରକ ମଣ୍ଡଳୀରେ ବିଶିଷ୍ଟ ସାହିତ୍ୟିକ ଯଶୋଧାରା ମିଶ୍ର, ରବି ସ୍ୱାଇଁ, ସୁଭାଷ ଶତପଥୀ ଏବଂ ବାଳ ପୁରସ୍କାର ବୃତ୍ତାନ୍ତ ବିଚାରକ ମଣ୍ଡଳୀରେ ବିଶିଷ୍ଟ ସାହିତ୍ୟିକ ପ୍ରଫେସର ନୀଳାଦ୍ରି ଭୂଷଣ ହରିଚନ୍ଦନ, ଡ. ଶକୁନ୍ତଳା ବଳିୟାରସିଂହ ଏବଂ ରାମଚନ୍ଦ୍ର ନାୟକ ପ୍ରମୁଖ ଥିଲେ ବୋଲି ଓଡ଼ିଆ ଉପଦେଷ୍ଟା ମଣ୍ଡଳୀ ଆବାହକ ଗୌରହରି ଦାସ ସୂଚନା ଦେଇଛନ୍ତି । ଏକାଡେମୀ ପକ୍ଷରୁ ଆୟୋଜିତ ସ୍ୱତନ୍ତ୍ର ଉତ୍ସବରେ ବିଶିଷ୍ଟ ଅତିଥିଙ୍କ ଦ୍ୱାରା ଉଭୟ ମନୋନୀତ ପ୍ରତିଭାଙ୍କୁ ପୁରସ୍କୃତ କରାଯିବ ।